ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 862/13-12-2020**

# ପ୍ରେସ୍ ବିବୃତି

**ଭୁବନେଶ୍ୱର :୧୩ ଡିସେମ୍ବର,୨୦୨୦**

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ସାର୍ବଜନୀନ ସ୍ୱାସ୍ଥ୍ୟ ଅନ୍ତର୍ଭୁକ୍ତି ଦିବସ-୨୦୨୦ ଅବସରରେ ଭାରତ ସରକାରଙ୍କ ସ୍ୱାସ୍ଥ୍ୟ ମନ୍ତ୍ରାଳୟ ଦ୍ୱାରା ସର୍ବଶ୍ରେଷ୍ଠ ସ୍ୱାସ୍ଥ୍ୟସେବା ପ୍ରଦାନକାରୀ ଏବଂ ସର୍ବଶ୍ରେଷ୍ଠ ସ୍ୱାସ୍ଥ୍ୟ ଓ ଆରୋଗ୍ୟ କେନ୍ଦ୍ର ପ୍ରଦର୍ଶନକାରୀ ଭାବେ ସମ୍ବର୍ଦ୍ଧିତ ହୋଇଥିବା ସମସ୍ତ ଡାକ୍ତର ଏବଂ ସ୍ୱାସ୍ଥ୍ୟ ଓ ଆରୋଗ୍ୟ କେନ୍ଦ୍ର ଦଳଙ୍କୁ ଅଭିନନ୍ଦନ ଜଣାଇଛନ୍ତି । ସେମାନଙ୍କର ନିଷ୍ଠାପର କଠିନ ପରିଶ୍ରମ ଅନ୍ୟମାନଙ୍କୁ ଅନୁପ୍ରାଣିତ କରିବ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ ଆଶା ପ୍ରକାଶ କରିଛନ୍ତି ।
- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଦୁଇବର୍ଷ ପୂର୍ବେ ସ୍ୱାଭିମାନ ଅଞ୍ଚଳର ଜନସାଧାରଣଙ୍କ ଉଦ୍ଦେଶ୍ୟରେ ଗୁରୁପ୍ରିୟା ସେତୁ ଲୋକାର୍ପିତ ହୋଇଥିଲା । ସେହି ଦିନଠାରୁ ନିରନ୍ତର ଉଦ୍ୟମ ଯୋଗୁଁ ଅଞ୍ଚଳର ସର୍ବାଙ୍ଗୀନ ବିକାଶ ଓ ଅଞ୍ଚଳବାସୀଙ୍କ ସାମାଜିକ-ଅର୍ଥନୈତିକ ପ୍ରଗତି ସମ୍ଭବ ହୋଇଛି ଏବଂ ଏହା ଏକ ଆଦର୍ଶ ସଫଳ କାହାଣୀରେ ପରିଣତ ହୋଇଛି ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ।

## ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୬୩,୭୮,୭୮୪ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୨୩,୭୫୭ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୧୮,୬୮୩ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୮୦୭ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୩,୨୧୪ ରହିଛି ।
- ୩,୨୧୪ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ପଠାଣି ରାଉତ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**